## ଶିକ୍ଷା ଅଧିକାର ଆଇନ ଧାରା ୧୨(୧)(ଗ) ଅନୁଯାୟୀ ବେସରକାରୀ ବିଦ୍ୟାଳୟଗୁଡ଼ିକରେ ଲଟେରୀ ମାଧ୍ୟମରେ ଛାତ୍ରଛାତ୍ରୀଙ୍କ ଚୟନ

ଭୁବନେଶ୍ୱର ୭ ଜୁଲାଇ, ୨୦୨୬

ଶିକ୍ଷା ଅଧିକାର ଆଇନ ୨୦୦୯ ଅନ୍ତର୍ଗତ ଧାରା ୧୨(୧)(ଗ) ଅନୁଯାୟୀ ଆର୍ଥିକ ଅନଗ୍ରସର ଶ୍ରେଣୀ ପିଲାମାନେ ବେସରକାରୀ ବିଦ୍ୟାଳୟଗୁଡ଼ିକର ପ୍ରବେଶ ସ୍ତରରେ ନିଃଶୁଳ୍କ ଶିକ୍ଷା ପାଇପାରିବେ । ଏଥିପାଇଁ ଆର୍.ଟି.ଇ. ପାରଦର୍ଶୀ (RTE Paradarshi) ର https://rteparadarshi.odisha.gov.in/odisha ରେ ଆବେଦନ ଆହ୍ୱାନ କରାଯାଇଥିଲା ।



ତୃତୀୟ ପର୍ଯ୍ୟାୟ ପାଇଁ ମଇ ୨୨ ତାରିଖରୁ ଆରମ୍ଭ କରି ଜୁଲାଇ ୧ ତାରିଖ ପର୍ଯ୍ୟନ୍ତ ଛାତ୍ରଛାତ୍ରୀମାନେ ଏହି ପାରଦର୍ଶୀ ପୋର୍ଟାଲ ମାଧ୍ୟମରେ ଆବେଦନ କରିଥିଲେ । ବେସରକାରୀ ବିଦ୍ୟାଳୟଗୁଡ଼ିକରେ ସମୁଦାୟ ୩୯୩୭ ଅନଲାଇନ୍ ଆବେଦନ କରାଯାଇଥିଲା ଏବଂ ଏହା ମଧ୍ୟରୁ ବ୍ଲକ ଶିକ୍ଷା ଅଧିକାରୀମାନେ ମୂଳ ପ୍ରମାଣ ପତ୍ର ଯାଞ୍ଚ କରି ୩୧୩୯ ଆବେଦନ ପତ୍ରକୁ ଯୋଗ୍ୟ ବିବେଚିତ କରିଥିଲେ । ଯୋଗ୍ୟ ଆବେଦନ ପତ୍ର ଗୁଡ଼ିକୁ ପାରଦର୍ଶୀ ପୋର୍ଟାଲ (Directorate of Elementary Education (DEE) Odisha) ମାଧ୍ୟମରେ କେନ୍ଦ୍ରୀୟ ଲଟେରୀ ତା-୦୭-୦୭-୨୦୨୬ ରିଖ ୪ଟା ସମୟରେ ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶକଙ୍କ କାର୍ଯ୍ୟାଳୟରେ ସଦସ୍ୟମାନଙ୍କ ଉପସ୍ଥିତିରେ ଅନୁଷ୍ଠିତ କରାଯାଇଥିଲା । ସେଥିମଧ୍ୟରୁ ୨୪୪୭ ଜଣ ଛାତ୍ରଛାତ୍ରୀଙ୍କୁ ନାମଲେଖା ପାଇଁ ଲଟେରୀ ମାଧ୍ୟମରେ ଚୟନ କରାଯାଇଛି । ବର୍ତ୍ତମାନ୍ ବ୍ଲକ ଶିକ୍ଷା ଅଧିକାରୀମାନେ ସମ୍ପୃକ୍ତ ବେସରକାରୀ ବିଦ୍ୟାଳୟଗୁଡ଼ିକୁ ଚୟନ ହୋଇଥିବା ଛାତ୍ରଛାତ୍ରୀଙ୍କ ନାମ ପ୍ରଦାନ କରିବେ । ବେସରକାରୀ ବିଦ୍ୟାଳୟଗୁଡ଼ିକରେ ତା-୦୭-୦୭-୨୦୨୬ ରିଖରୁ ତା-୧୫-୦୭-୨୦୨୬ ରିଖ ମଧ୍ୟରେ ନାମ ଲେଖାଯିବ । ଏହି ନାମଲେଖା ସଂପୂର୍ଣ୍ଣ ନିଃଶୁଳ୍କ ଅଟେ ଏବଂ ବେସରକାରୀ ବିଦ୍ୟାଳୟଗୁଡ଼ିକ ମଧ୍ୟ କୌଣସି ଅର୍ଥ ଅଭିଭାବକମାନଙ୍କ ଠାରୁ ନେଇପାରିବେ ନାହିଁ । ଯଦି ଏହାକୁ କୌଣସି ବିଦ୍ୟାଳୟ ଖିଲାପ କରନ୍ତି, ତେବେ ଆଇନ ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ।

ଯେକୌଣସି ପ୍ରଶ୍ନ କିମ୍ବା ସହାୟତା ପାଇଁ ହେଲ୍ପଲାଇନ୍ ନମ୍ବର – ୧୮୦୦ ୩୪୫୬୭୨୨ ରେ ଯୋଗାଯୋଗ କରାଯାଇପାରିବ ।

ଅନିଶା କର
ଲୋକସମ୍ପର୍କ ଅଧିକାରୀ